# ଗୁରୁପ୍ରସାଦ ମହାନ୍ତି ଜନ୍ମଶତବାର୍ଷିକୀ ଆଲୋଚନାଚକ୍ର ଉଦ୍‌ଯାପିତ

ଭୁବନେଶ୍ୱର, ୨୯।୧୧(ସମିସ): କେନ୍ଦ୍ର ସାହିତ୍ୟ ଅକାଦେମି ପକ୍ଷରୁ ଆୟୋଜିତ ଗୁରୁପ୍ରସାଦ ମହାନ୍ତି ଜନ୍ମ ଶତବାର୍ଷିକୀ ଆଲୋଚନାଚକ୍ର ଉଦ୍‌ଯାପିତ ହୋଇଯାଇଛି। ସ୍ଥାନୀୟ ବୁଦ୍ଧମନ୍ଦିର ସଭାଗୃହରେ ଆୟୋଜିତ ଏହି ଆଲୋଚନାଚକ୍ରର ଦ୍ୱିତୀୟ ଦିବସର ପ୍ରଥମ ଅଧିବେଶନରେ ସଭାମୁଖ୍ୟ ଭାବେ ପ୍ରଫେସର ଯତୀନ୍ଦ୍ର କୁମାର ନାୟକ ଯୋଗଦେଇ ମେଜର ଗୁରୁପ୍ରସାଦଙ୍କ ଅଧ୍ୟାପନା କାଳର କଥା ଏବଂ ଗୁରୁପ୍ରସାଦଙ୍କ କବିତାର ବୈଶିଷ୍ଟ୍ୟ ଏବଂ ଆନ୍ତର୍ଜାତିକ କବିତା ସମ୍ପର୍କରେ ସେ ଆଲୋକପାତ କରିଥିଲେ। ଏହି ଅଧିବେଶନରେ ଅଜୟ ସ୍ୱାଇଁ ପ୍ରବନ୍ଧ ଉପସ୍ଥାପନ ପୂର୍ବକ ଗୁରୁପ୍ରସାଦଙ୍କ କବିତାର ନୂତନତା ବିଷୟରେ ବର୍ଣ୍ଣନା କରିଥିଲେ। ଆୟୋଜିତ ଏହି ଉଦ୍‌ଯାପନୀ ଅଧିବେଶନରେ ମୁଖ୍ୟ ଅତିଥି ଭାବେ ବିଶିଷ୍ଟ କବି ଦେବଦାସ ଛୋଟରାୟ ଯୋଗ ଦେଇଥିଲେ। ଗୁରୁପ୍ରସାଦଙ୍କ ଉପରେ ରହିଥିବା ତାଙ୍କ ପତ୍ନୀ ଆଶାମଞ୍ଜରୀ ଦେବୀଙ୍କ ପ୍ରେରଣା ଏବଂ ଉଭୟଙ୍କ ମଧ୍ୟରେ ଚିଠି ଦିଆନିଆ ସମ୍ପର୍କରେ କହିଥିଲେ। ପରେ ପରେ ବିଶିଷ୍ଟ କବି ଅପର୍ଣ୍ଣା ମହାନ୍ତି ଗୁରୁପ୍ରସାଦ ମହାନ୍ତିଙ୍କ କବିତାରେ ନାରୀଚେତନା ଶୀର୍ଷକରେ ପ୍ରବନ୍ଧ ଉପସ୍ଥାପନ କରିଥିଲେ। ଏହାପରେ ଅନୁଷ୍ଠିତ କବିସନ୍ଧି କାର୍ଯ୍ୟକ୍ରମରେ ଯୋଗଦେଇ ନିଜ ସାରସ୍ୱତ ଯାତ୍ରା ସମ୍ପର୍କରେ ଅଭିବ୍ୟକ୍ତି ପ୍ରଦାନ କରିଥିଲେ ବିଶିଷ୍ଟ କବି ଶତ୍ରୁଘ୍ନ ପାଣ୍ଡବ। ଏହି କାର୍ଯ୍ୟକ୍ରମରେ ସାହିତ୍ୟ ଅକାଦେମି ଓଡ଼ିଆ ଉପଦେଷ୍ଟା ମଣ୍ଡଳୀର ଆବାହକ ଗୌରହରି ଦାସ ସଭାପତିତ୍ୱ କରିଥିଲେ। ଉଭୟ କାର୍ଯ୍ୟକ୍ରମରେ ବହୁସଂଖ୍ୟକ କବି, ଲେଖକ, ଗବେଷକ, ସାହିତ୍ୟପ୍ରେମୀ ଏବଂ ଛାତ୍ରଛାତ୍ରୀ ଯୋଗ ଦେଇଥିଲେ।ଏହି ଉଦଯାପନୀ ଅଧିବେଶନରେ ଉତ୍କଳ ସଂସ୍କୃତି ବିଶ୍ୱବିଦ୍ୟାଳୟର କୁଳପତି ପ୍ରଫେସର ପ୍ରସନ୍ନ କୁମାର ସ୍ୱାଇଁ ସଭାପତିତ୍ୱ କରିଥିଲାବେଳେ ସାହିତ୍ୟ ଅକାଦେମିର କୋଲକାତା ଆଞ୍ଚଳିକ କାର୍ଯ୍ୟାଳୟର ଭାରପ୍ରାପ୍ତ ଅଧିକାରୀ କ୍ଷେତ୍ରବାସୀ ନାଏକ ଧନ୍ୟବାଦ ଦେଇଥିଲେ।



ସକାଳ
THE SAKALA